Click Here & Upgrade
Expanded Features
Unlimited Pages
PDF Complete



# The Orissa Gazette

**EXTRAORDINARY**

**PUBLISHED BY AUTHORITY**

**No. 999 CUTTACK, FRIDAY, JUNE 24, 2005 / ASADHA 3, 1927**



## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 1 ଜୁନ୍ 2005

ସଂଖ୍ୟା 22379—ଏଲ୍.ଏ. (ସି)-48/2004-ସୁନ୍ଦରଗଡ଼-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରୁକୁଡ଼ା ମଧ୍ୟମ ଜଳସେଚନ ଯୋଜନା ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ଝାରବେଡ଼ା, ଥାନା ବଣାଇ, ଜିଲ୍ଲା ସୁନ୍ଦରଗଡ଼ରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 13.46 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 32928, ତା 20 ଅଗଷ୍ଟ 2004ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଜମିର ଏକ ନକ୍ସା, ଜିଲ୍ଲାପାଳ, ସୁନ୍ଦରଗଡ଼ଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

Printed and Published by the Director of Printing, Stationery and Publication, Orissa, Cuttack-10
Ex. Gaz. 445—193+20